ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1365/01-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୧ ମାର୍ଚ୍ଚ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି କୋଭିଡ୍-୧୯ ଟୀକାର ପ୍ରଥମ ଖୋରାକ୍ ନେଇଛନ୍ତି ବୋଲି ଜଣାଇଛନ୍ତି । ଆମର ବୈଜ୍ଞାନିକ, ସ୍ୱାସ୍ଥ୍ୟକର୍ମୀମାନେ କଠିନ ପରିସ୍ଥିତିରେ ଜନସାଧାରଣଙ୍କୁ ଟୀକା ପ୍ରଦାନ କାର୍ଯ୍ୟ କରୁଥିବାରୁ ମାନ୍ୟବର ମୁଖ୍ୟମନ୍ତ୍ରୀ ସେମାନଙ୍କ ପ୍ରତି କୃତଜ୍ଞତା ଜ୍ଞାପନ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଏକ କୋଭିଡ୍ ମୁକ୍ତ ଓଡ଼ିଶା ଗଠନ ନିମନ୍ତେ ସମସ୍ତ ଯୋଗ୍ୟ ବ୍ୟକ୍ତିଙ୍କୁ ଟୀକା ନେବା ପାଇଁ ଅନୁରୋଧ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଆଜି ଭେଦଭାବମୁକ୍ତ ଦିବସ ଅବସରରେ କହିଛନ୍ତି ଯେ କୌଣସି ପରିସ୍ଥିତିରେ ଏବଂ ରୂପରେ ଭେଦଭାବ ଏକ ସମାଜିକ ବ୍ୟାଧି ଏବଂ ସମାଜରେ ଏହାର ସ୍ଥାନ ରହିବା ଉଚିତ ନୁହେଁ । ମାନ୍ୟବର ମୁଖ୍ୟମନ୍ତ୍ରୀ ଅସମାନତା ବିରୁଦ୍ଧରେ ସଂଗ୍ରାମ ସହ ମର୍ଯ୍ୟାଦାର ଅଧିକାର ଏବଂ ଏକତାକୁ ପ୍ରୋତ୍ସାହନ ଦେବା ପାଇଁ ସମସ୍ତଙ୍କୁ ଆହ୍ୱାନ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଭାରତୀୟ ମହିଳା ଲିଗ୍‌ର ପରବର୍ତ୍ତୀ ସଂସ୍କରଣର ଆୟୋଜନ ଓଡ଼ିଶା କରୁଥିବାରୁ ଖୁସି ବ୍ୟକ୍ତ କରିଛନ୍ତି । ଏହା ବିଶ୍ୱ କ୍ରୀଡ଼ା ଗନ୍ତବ୍ୟ ସ୍ଥଳ ଭାବରେ ରାଜ୍ୟର ସ୍ଥିତିକୁ ମଜବୁତ୍ କରିବା ସହ ବୃତ୍ତିଗତ କ୍ରୀଡ଼ା ପ୍ରତି ଯୁବବର୍ଗଙ୍କ ଆଗ୍ରହ ବୃଦ୍ଧି କରିବ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କୋରାପୁଟରେ ଜୈବିକ କଫିଚାଷର ଉନ୍ନତି ପାଇଁ ରାଜ୍ୟ ସରକାରଙ୍କ ଉଦ୍ୟମ ଯୋଗୁଁ ଜନଜାତି ଗୋଷ୍ଠୀଙ୍କୁ ଦୀର୍ଘସୂତ୍ରୀ ଜୀବିକାର୍ଜନର ସୁଯୋଗ ମିଳିବା ସହ ସେମାନଙ୍କ ଜୀବନଧାରଣ ମାନରେ ଉନ୍ନତି ଆସିପାରିଛି । କୋରାପୁଟ ଜିଲ୍ଲା ପ୍ରଶାସନ ପ୍ରତିବନ୍ଧକଗୁଡ଼ିକୁ ଦୂର କରିବା ଉପରେ ଗୁରୁତ୍ୱ ଦେବା  ସହ ଜିଲ୍ଲାକୁ କଫି ଓ ମସଲାର ପ୍ରମୁଖ ପେଣ୍ଠ ଭାବରେ ପରିଣତ କରିବାକୁ କାର୍ଯ୍ୟ କରୁଛି ବୋଲି ସେ କହିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୩,୪୧,୯୧୭ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୭,୨୭୭ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୪, ୫୭୧ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୬ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୭୩୭ ରହିଛି ।
- ୭୩୭ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

‘ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ’